ଗ୍ରାମୀଣ କୃଷି ମୌଷମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
ମହିଷାପାଟ,ଢେଙ୍କାନାଳ – ୭୫୯୦୧୩

ସପ୍ତାହ ସଂଖ୍ୟା -୫୦

Deepanjali Dugal,
Jr. Agrometeorologist

ବୁଲେଟିନ ନମ୍ବର :୯୯
ତାରିଖ : ୧୨.୧୨.୨୦୨୩
(ମଙ୍ଗଳବାର)

## ଢେଙ୍କାନାଳ ଜିଲ୍ଲା

ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା ୦୬.୧୨.୨୦୨୩ ରୁ ୧୨.୧୨.୨୦୨୩)

| | |
|---|---|
| ବୃଷ୍ଟିପାତ (ମି.ମି.) | ୧୮.୬ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୨୧.୨-୨୯.୪ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ୧୩.୧-୨୨.୭ |

ଆଞ୍ଚଳିକ ପାଣିପାଗ କେନ୍ଦ୍ର,ଭୁବନେଶ୍ୱର ଅନୁଯାୟୀ ଆଗାମୀ ୧୭ ତାରିଖ ପର୍ଯ୍ୟନ୍ତ ପାଣିପାଗସୂଚନା

| ତାରିଖ | ବୃଷ୍ଟିପାତ (ମି.ମି.) | ତାପମାତ୍ରା (ଡି.ସେ.) | | ସର୍ବମୋଟ ମେଘାଛାନ୍ନତା (ଅକ୍ଟା) | ଆପେକ୍ଷିକ ଆର୍ଦ୍ରତା (%) | | ପବନର ବେଗ (କି.ମି./ଘ.) | ପବନର ଦିଗ |
|---|---|---|---|---|---|---|---|---|
| | | ସର୍ବାଧିକ | ସର୍ବନିମ୍ନ | | ସର୍ବାଧିକ | ସର୍ବନିମ୍ନ | | |
| 13-12-2023 | 0 | 27 | 13 | 2 | 71 | 30 | 4 | 158 |
| 14-12-2023 | 0 | 27 | 13 | 3 | 81 | 32 | 5 | 153 |
| 15-12-2023 | 0 | 27 | 14 | 3 | 67 | 33 | 5 | 112 |
| 16-12-2023 | 0 | 27 | 14 | 0 | 53 | 27 | 5 | 150 |
| 17-12-2023 | 0 | 26 | 14 | 0 | 52 | 23 | 5 | 75 |

ଭାରତୀୟ ପାଣିପାଗ ବିଭାଗର ପୂର୍ବନୁମାନ ଅନୁସାରେ ଢେଙ୍କାନାଳ ଜିଲ୍ଲାରେ ଆଗାମୀ ୫ଦିନ ପର୍ଯ୍ୟନ୍ତ ଶୁଖିଲା ପାଗ ଓ ଆକାଶ ପରିଷ୍କାର ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ଦିନ ପର୍ଯ୍ୟନ୍ତ ପବନ ୦୪-୦୫ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ସର୍ବୋଚ୍ଚ ତାପମାତ୍ରା ୨୬°C- ୨୭°C ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୩°C ରୁ ୧୪°C ମଧରେ ରହିବାର ସମ୍ଭାବନା ରହିଛି । ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୫୨ ରୁ ୮୧ ପ୍ରତିଶତ ମଧରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୨୩ରୁ ୩୩ ପ୍ରତିଶତ ମଧରେ ରହିବାର ସମ୍ଭାବନା ରହିଛି ।

### କୃଷିସୂଚନା

- ତାପମାତ୍ରା ହ୍ରାସ ଓ କୁହୁଡିଆ ପାଗ ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ର ପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନ ରହିଛି । ଏହାର ନିରାକରଣ ବ୍ୟବସ୍ଥା କରନ୍ତୁ ।
- ବର୍ତ୍ତମାନ ରାତ୍ରି ତାପମାତ୍ରା କମ ରହୁଥିବାରୁ, ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରାରେ ପୋଲିଥିନ ଦ୍ୱାରା ଆଛାଦିକାରଣ ବ୍ୟବସ୍ଥା କରନ୍ତୁ ।
- ରବି ପନିପରିବାରେ ଘାସ ବାଛି କୋଡା ଖୋସା କରନ୍ତୁ ।

**ଆଖୁ:**
ଆଖୁ ଅମଳ ପାଇଁ ହାତ ବ୍ରିକ୍ସ ମିଟର ସାହାର୍ଯ୍ୟରେ ପରୀକ୍ଷା କରି ବ୍ରିକ୍ସ ମୂଲ୍ୟାଙ୍କ ୧୮ କିମ୍ବା ଅଧିକ ହେଲେ ଅମଳ କରିବା ଉଚିତ। ଆଖୁ ଫସଲକୁ ଜମି ପଉନ ଠାରୁ ଏକ ଇଞ୍ଚ ତଳକୁ, ଯେପରିକି ମାଟି ଉପରକୁ ଖୁଣ୍ଟା ଦେଖାଯିବ ନାହିଁ, ସେହିପରି କାଟିଲେ ମୂଳି ଆଖୁରେ ଗଜା ହୁଏ, ଗଛ ସଂଖ୍ୟା ଠିକ ରହେ ଓ ଅମଳ ଠିକ ମିଳେ । ଆଖୁ ଅମଳ ପରେ ପେଡିବା ଡେରି କଲେ ଆଖୁର ଓଜନ କମିବା ସହିତ ଶକବରା ଅଂଶ କମିଯାଇଥାଏ।

**ସୋରିଷ:**
ସୋରିଷ ଫସଲରେ ପ୍ରାଥମିକ ଅବସ୍ଥାରେ ଜଉ ପୋକର ପରିଚାଳନା ପାଇଁ ଏକର ପ୍ରତି ୮ଟି ହଳଦିଆ ଅଠାଯୁକ୍ତ ଯନ୍ତ୍ର ରଖନ୍ତୁ । ପ୍ରତି ଲିଟର ପାଣିରେ ୫ ଗ୍ରାମ **Verticillium lecanii** ନାମକ ଜୈବ ବିଷ ମିଶାଇ ଫସଲରେ ସିଞ୍ଚନ କରନ୍ତୁ । ଏକର ପ୍ରତି ୬୦୦ ମିଲି ନିମ୍ବ ଜାତ କୀଟନାଶକ ୧୫୦୦ ପିପିଏମକୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖାଦେଲେ ଏକର ପ୍ରତି ୫୦ ଗ୍ରାମ **Thiamethoxam** କିମ୍ବା ୫୦ ଗ୍ରାମ **Acetamiprid** ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**ଚିନାବାଦାମ:**
ଚିନାବାଦାମ ଫସଲରେ ପତ୍ର ସୁଡଙ୍ଗୀ ପୋକ ଲାଗିବାର ସମ୍ଭାବନା ଅଛି ।ଏହି ରୋଗର ନିୟନ୍ତ୍ରଣ କରିବା ପାଇଁ ଏକର ପ୍ରତି **Profenophos ୫୦% EC @** ୪୦୦ ମିଲି କିମ୍ବା **Chlorpyriphos ୫୦% + Cypermethrin ୫ % E.C @** ୪୦୦ ମିଲି, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ପିଆଜ:**
ତଳି ପଟାଳିରେ ଘେରାକଟା ରୋଗ ନହେବା ପାଇଁ, ବିହନ ଲଗେଇବା ପୂର୍ବରୁ ଏକ କିଲୋଗ୍ରାମ ବିହନରେ ୨ଗ୍ରାମ **Carbendazim** ନାମକ ଫିମ୍ପିନାଶକ କିମ୍ବା ୩ ଗ୍ରାମ **Carboxin** ଓ **Thiram** ର ମିଳିତ ଫିମ୍ପିନାଶକ, ବିହନରେ ଗୋଳାଇ ବିଶୋଧନ କରନ୍ତୁ । ପିଆଜ ତଳି ୮ ସପ୍ତାହର ହୋଇଗଲେ ମୁଖ୍ୟ ଜମିରେ ଲଗାଯାଏ।

**ବନ୍ଧା କୋବି ଓ ଫୁଲକୋବି:**
କୋବି ଫସଲରେ ଠିକିରି ପିଠିଆ ପୋକର ପରିଚାଳନା ପାଇଁ ଏକର ପ୍ରତି ୬ -୮ ଟି ଆଲୋକ ଯନ୍ତ୍ର ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM  Azadirachtin କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦ ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦ ଗ୍ରାମ Emamectin Benzoate ୫% SG ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ବାଇଗଣ :**
ବାଇଗଣରେ ପତ୍ର ଖିଆ ଓ ଫଳ ବିନ୍ଧା ପୋକର ନିୟନ୍ତ୍ରଣ ପାଇଁ ଏକର ପ୍ରତି **Emamectin benzoate @** ୮୦ ଗ୍ରାମ କିମ୍ବା **Spinosad @** ୮୦ ମିଲି , ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ମତ୍ସ୍ୟ ସମ୍ପଦ:**
ଶୀତ ଋତୁରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖା ଯାଇଥାଏ । ଏହି ରୋଗମାନଙ୍କର ନିରାକରଣ ପାଇଁ ଏକ ଏକର ପୋଖରୀ ପ୍ରତି **CIFAX @** ୪୦୦ ମିଲି ୪୦ ଲିଟର ପାଣିରେ ମିଶାଇ ବିଶୋଧନ କରନ୍ତୁ । ପ୍ରତି ଦିନ ମାଛ ମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ ।

**ଗୋସମ୍ପଦ:**

ଗୁହାଳ ଘର ଏବଂ ଏହାର ଚଟାଣକୁ ଅଧିକ ସମୟ ପର୍ଯ୍ୟନ୍ତ ଓଦା ଓ ଥଣ୍ଡା ରଖନ୍ତୁ ନାହିଁ । ଅଧିକ ସମୟ ପର୍ଯ୍ୟନ୍ତ ଓଦା ଓ ଥଣ୍ଡା ରହିଲେ ଗାଈଗୋରୁ ମାନଙ୍କୁ ବିଶେଷ କରି ବାଛୁରିଙ୍କୁ ନିମୋନିଆ, ଜ୍ୱର ଓ ହଇଜା ଇତ୍ୟାଦି ରୋଗ ହେବାର ସମ୍ଭାବନା ଅଛି । ଶୀତ ଋତୁରେ ଗୁହାଳ ଘରେ ଉତ୍ତମ ରୂପେ ବାୟୁ ଚଳପ୍ରଚଳ କରୁଥିବା ଦରକାର ।

**ପକ୍ଷୀ ସମ୍ପଦ:**

ଶୀତ ଋତୁରେ କୁକୁଡା ଗୃହରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ ହିଟର କିମ୍ବା ୨୦୦ ୱାଟ ବଲ୍ ଲଗାନ୍ତୁ ।

**ସହଯୋଗୀ ଗବେଷଣା ନିର୍ଦ୍ଦେଶକ ଙ୍କ ଦ୍ଵାରା ସ୍ୱୀକୃତ**

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା,**QPM**,ଟିସୁ କଲଚର ଗଛ,ଫଳ ଓ ପନିପରିବା,ଯାଆଁଳ,କୁକୁଡା ଚିଆଁ,ଛତୁ,ଛତୁ ମଞ୍ଜି,ଜୈବିକ ସାର,ଜୈବିକ କୀଟନାଶକ,ଜିଆ ଖତ,କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ **MEGHDOOT** ମୋବାଇଲ ଆପ ବ୍ୟବହାର କରନ୍ତୁ ।

**(Android: https://play.google.com/store/apps/details?id=com.aas.meghdoot)**

**(iOS: https://apps.apple.com/in/app/meghdoot/id1474048155)**